ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/SME(Od)/1192/06-11-2023**

# ଆଦର୍ଶ ବିଦ୍ୟାଳୟରେ ନାମଲେଖା ପରୀକ୍ଷା ପାଇଁ ପଂଜୀକରଣ ଆରମ୍ଭ

ଭୁବନେଶ୍ୱର,୦୬/୧୧/୨୦୨୩:

ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଓ ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟ ପ୍ରବେଶିକା ପରୀକ୍ଷା ପାଇଁ ଅନ୍‌ଲାଇନ୍ ପଂଜୀକରଣ ପ୍ରକ୍ରିୟା ଗତ ୦୧/୧୧/୨୦୨୩ଠାରୁ ଆରମ୍ଭ ହୋଇଯାଇଅଛି । ରାଜ୍ୟରେ ଥିବା ୩୧୪ଟି ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଓ ୫ଟି ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟର ପ୍ରବେଶିକା ପରୀକ୍ଷା ଦେବା ପାଇଁ ଛାତ୍ରଛାତ୍ରୀମାନେ (www.oav.edu.in)ରେ ନାମ ପଂଜୀକରଣ କରିପାରିବେ । ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଦ୍ୱାରା ପ୍ରକାଶିତ ବିଜ୍ଞପ୍ତି ଅନୁସାରେ ନାମ ପଂଜୀକରଣ ଶେଷ ତାରିଖ ୨୦ ନଭେମ୍ବରକୁ ଧାର୍ଯ୍ୟ କରାଯାଇଅଛି । ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଓ ୫ଟି ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟ ପ୍ରବେଶିକା ପରୀକ୍ଷା ୧୫/୦୧/୨୦୨୪ ସୁଦ୍ଧା କରାଯିବା ପାଇଁ ଧାର୍ଯ୍ୟ କରାଯାଇଅଛି । ପଂଜୀକରଣ ନିମନ୍ତେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଓ ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟର ସୂଚନା ପୁସ୍ତିକା ସମସ୍ତ ଜିଲ୍ଲା ଓ ବ୍ଲକ୍‌ର ପଦାଧିକାରୀଙ୍କୁ ପ୍ରେରଣ କରାଯାଇଛି । ଉପରୋକ୍ତ ସମସ୍ତ ବିଦ୍ୟାଳୟରେ ୫୦% ସ୍ଥାନ ଛାତ୍ରୀମାନଙ୍କ ନିମନ୍ତେ ଏବଂ ବ୍ଲକ୍‌ର ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି ଜନସଂଖ୍ୟାର ପ୍ରତିଶତ ଅନୁସାରେ ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି ବର୍ଗର ପ୍ରାର୍ଥୀଙ୍କ ନିମନ୍ତେ ସ୍ଥାନ ସଂରକ୍ଷଣ କରାଯାଇଅଛି । ପଂଜୀକରଣ ନିମନ୍ତେ କୌଣସି ସହଯୋଗ ପାଇଁ ପିତାମାତା/ ଅଭିଭାବକ/ ଛାତ୍ରଛାତ୍ରୀ ନିକଟସ୍ଥ ଆଦର୍ଶ ବିଦ୍ୟାଳୟର ଅଧ୍ୟକ୍ଷଙ୍କ ସହ ଯୋଗାଯୋଗ କରିପାରିବେ ।

**ସମ୍ଭାବ୍ୟ ସାରଣୀ**

| କାର୍ଯ୍ୟସୂଚୀ | ତାରିଖ |
|---|---|
| ପଂଜୀକରଣ ଆରମ୍ଭ | ୦୧/୧୧/୨୦୨୩ |
| ପଂଜୀକରଣ ଶେଷ | ୨୦/୧୧/୨୦୨୩ |
| ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଓ ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟ ପରୀକ୍ଷା | ୧୫/୦୧/୨୦୨୪ ସୁଦ୍ଧା |
| ପରୀକ୍ଷା ଫଳ ପ୍ରକାଶନ | ୧୫/୦୨/୨୦୨୪ |
| ଆଡ୍‌ମିଶନ୍ ନିମନ୍ତେ ତାଲିକା ଅନୁମୋଦନ | ୧୫/୦୩/୨୦୨୪ |
| ଆଡ୍‌ମିଶନ୍ ଆରମ୍ଭ | ୦୨/୦୪/୨୦୨୪ |
| ଆଡ୍‌ମିଶନ୍ ଶେଷ | ୩୦/୦୪/୨୦୨୪ |

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ